ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୯ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୨୬୧୭ରେ ପହଞ୍ଚିଲା - ସୁସ୍ଥ ହେଲେ ୦୯ ଜଣ ।

ଅନୁଗୋଳ, ତା.୦୭.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୧୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୫୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ ଜଣ ( ୯ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ସାମାଜିକ ଦୂରତା ଅବଲମ୍ବ ନ କରିବା ସହିତ ମାସ୍କ ପରିଧାନ କରିବା ପାଇଁ ଜିଲ୍ଲାପାଳ ଜିଲ୍ଲାବାସୀଙ୍କୁ ଆଉଥରେ ଅନୁରୋଧ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୯ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୩୭ ତା.୦୭.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ